(D.R. Case No. 10/2026)

## ତହସିଲଦାରଙ୍କ କାର୍ଯ୍ୟାଳୟ, ମୋରଡା

ଇସ୍ତାହାର ନଂ ୧୩୩୦ / ତା ୦୨.୦୬.୨୦୨୬ ରିଖ

ଏତଦ୍ଵାରା ସର୍ବ ସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ, ନିମ୍ନ ତଫସିଲ ଭୁକ୍ତ ସରକାରୀ ଜମିକୁ ନିମ୍ନ ଆବେଦନକାରୀଙ୍କୁ ହସ୍ତାନ୍ତର କରାଯିବାକୁ ପ୍ରସ୍ତାବ ମଞ୍ଜୁର ହୋଇଅଛି । ଏଥିରେ ଆବେଦନକାରୀଙ୍କ ନାମ, ଠିକଣା ଏବଂ ପ୍ରସ୍ତାବିତ ଜମିର ସବିଶେଷ ବିବରଣୀ ନିମ୍ନରେ ଉଲ୍ଲେଖ କରାଯାଇଅଛି । ଯେହେତୁ ଉକ୍ତ ଜମି ସରକାରୀ ରକ୍ଷିତ ଖାତା ଏବଂ କିସମ ଗୋଚର ଓ ଉନ୍ନତ ଯୋଜନା ଯୋଗ୍ୟ ଅଛି ତେଣୁ ତାହାର ପରିବର୍ତ୍ତନ ଆବଶ୍ୟକ ହେଉଅଛି । ଏଣୁ ଏହି ଖାତା ଏବଂ କିସମ ପରିବର୍ତ୍ତନରେ କାହାର କୌଣସି ଆପତ୍ତି ଅଭିଯୋଗ ଥିଲେ ଇସ୍ତାହାର ଜାରି ହେବାର ପନ୍ଦର (୧୫) ଦିନ ମଧ୍ୟରେ ନିମ୍ନ ସ୍ଵାକ୍ଷରକାରୀଙ୍କ ଅଦାଲତରେ ଆବଶ୍ୟକ କୋର୍ଟ ଫି ଲଗାଇ ଲିଖିତ ଆକାରରେ ଆପତ୍ତି ଅଭିଯୋଗ ଜଣାଇବେ । ମିଆଦ ଗତେ କୌଣସି ଆପତ୍ତି ଅଭିଯୋଗ ଗ୍ରହଣ କରାଯିବ ନାହିଁ ।

### ତଫସିଲ

ମୌଜାର ନାମ- ବେଣାପାଟିଆ ଥାନାର ନାମ- ମୋରଡା ନଂ-୧୬୯

| ଖାତା ନଂ | ପ୍ଲଟ ନଂ | କିସମ | ରକବା | ପ୍ରସ୍ତାବିତ | ଆବେଦନକାରୀଙ୍କ ନାମ ଏବଂ ଠିକଣା |
|---|---|---|---|---|---|
| ୨୦୭ (ରକ୍ଷିତ) | ୩୧୧ | ଗୋଚର | ଏ୦.୩୫୯ | ଖାତା- ଆବାଦ ଯୋଗ୍ୟ ଅନାବାଦୀ କିସମ-ପତିତ | ବାଣିଜ୍ୟ ଏବଂ ପରିବହନ ବିଭାଗ, ଓଡିଶା ସରକାର, ମାର୍ଫତ ଆଞ୍ଚଳିକ ପରିବହନ ଅଧିକାରୀ, ମୟୂରଭଞ୍ଜ |
| | ୩୭୪ | ଗୋଚର | ଏ୦.୪୪ | | |
| | ୩୭୬ | ଗୋଚର | ଏ୦.୩୪ | | |
| | ୩୮୬ | ଉନ୍ନତ ଯୋଜନା ଯୋଗ୍ୟ | ଏ୦.୧୫୭ | | |
| ମୋଟ | | | ଏ୧.୨୯୬ | | |

ଏହାର ଏକକିତା ନକଲ ବେଣାପାଟିଆ ମୌଜାରେ ଢେଙ୍କୁରା ଦ୍ଵାରା ଜାରି କରିବାକୁ ପଠାଗଲା ।

ଏହାର ଏକକିତା ନକଲ ଗୋଷ୍ଠୀଉନ୍ନୟନ ଅଧିକାରୀ, ମୋରଡା / ଗ୍ରାମପଞ୍ଚାୟତ କାର୍ଯ୍ୟାଳୟ, ଧଡାସାହି / ରାଜସ୍ଵ ନିରୀକ୍ଷକ, ମୋରଡା ଙ୍କ ନୋଟିସ ବୋର୍ଡରେ ପ୍ରକାଶନ କରିବାକୁ ପଠାଗଲା । ସେମାନଙ୍କ ମତାମତ ଯଦିଥାଏ, ତେବେ ନିର୍ଦ୍ଧାରିତ ତାରିଖ ମଧ୍ୟରେ ପଠାଇବାକୁ ଅନୁରୋଧ ।

ଏହାର ଏକକିତା ନକଲ ମୋରଡା ତହସିଲ ଅଫିସ ନୋଟିସ ବୋର୍ଡରେ ସର୍ବ ସାଧାରଣଙ୍କ ଅବଗତି ନିମନ୍ତେ ଜାରି କରାଗଲା ।

ଏହାର ଏକକିତା ନକଲ ଜିଲ୍ଲା ସୂଚନା ବିଜ୍ଞାନ ଅଧିକାରୀ, ରାଷ୍ଟ୍ରୀୟ ସୂଚନା ବିଜ୍ଞାନ କେନ୍ଦ୍ର, ମୟୂରଭଞ୍ଜ ବାରିପଦାଙ୍କ ଅବଗତି ଏବଂ କାର୍ଯ୍ୟାନୁଷ୍ଠାନ ନିମନ୍ତେ ଜାରି କରାଗଲା ।

02.06.26

ତହସିଲଦାର, ମୋରଡା

MORADA